ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/RD(Od)/1165/01-11-2023

# ଗ୍ରାମ୍ୟ ଉନ୍ନୟନ ବିଭାଗର ମାସିକ ସମୀକ୍ଷା ବୈଠକ
## (ବିଭାଗୀୟ ପଦୋନ୍ନତି, ପେନସନ୍ ଓ ଶୃଙ୍ଖଳାଗତ ପ୍ରକ୍ରିୟାକୁ ପ୍ରାଥମିକତା)

ଭୁବନେଶ୍ୱର, ୦୧/୧୧/୨୦୨୩

ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧିନସ୍ଥ ସମସ୍ତ ଯୋଜନା ଓ ପ୍ରକଳ୍ପଗୁଡିକ ତ୍ୱରାନ୍ୱିତ ପ୍ରକ୍ରିୟାରେ ସମ୍ପୂର୍ଣ୍ଣ କରିବା ସହ ଠିକ ସମୟରେ ପେନସନ୍ ପ୍ରଦାନ, ପ୍ରମୋସନ୍ ଓ ବିଭାଗୀୟ ଶୃଙ୍ଖଳାଗତ ପ୍ରକ୍ରିୟା ଉପରେ ପ୍ରାଥମିକତା ଦେବା ପାଇଁ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସଞ୍ଜୟ କୁମାର ସିଂହ ନିର୍ଦ୍ଦେଶ ଦେଇଛନ୍ତି । ଆଜି ପୂର୍ବାହ୍ନରେ ଲୋକସେବା ଭବନସ୍ଥ ଗ୍ରାମ୍ୟ ଉନ୍ନୟନ ବିଭାଗ ଓସ୍ୱାନ ହଲରେ ବିଭାଗର ମାସିକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଥିଲା । ବିଭାଗୀୟ ପ୍ରମୁଖ ଶାସନ ସଚିବ ଶ୍ରୀ ସିଂହ ଏଥିରେ ଅଧକ୍ଷତା କରି କହିଲେ ଯେ ବିଭାଗୀୟ କର୍ମଚାରୀ ଓ ଅଧିକାରୀମାନଙ୍କ ପେନସନ, ପଦୋନ୍ନତି ଓ ବିଭାଗୀୟ ଶୃଙ୍ଖଳାଗତ ପ୍ରକ୍ରିୟା ଉପରେ ବିଭାଗ ବିଶେଷ ଭାବେ ଧ୍ୟାନ ଦେଉଛି । ଏହି ସୁବିଧା ସୁଯୋଗରୁ ଯେପରି କେହି ଅବହେଳିତ ଅଥବା ବଞ୍ଚିତ ନ ହୁଅନ୍ତି ସେଥିପ୍ରତି ଅଧିକାରୀମାନେ ଯତ୍ନବାନ ହେବା ଆବଶ୍ୟକ । ଜଣେ ଅବସର ନେବାର ୬ ମାସ ପୁର୍ବରୁ ତାଙ୍କର ପେନସନ ସମ୍ବନ୍ଧୀୟ କାଗଜ ପତ୍ର ବିଭାଗରେ ପହଞ୍ଚିବା ଆବଶ୍ୟକ । ସେହିପରି ମୁଖ୍ୟମନ୍ତ୍ରୀ ଅଭିଯୋଗ ପ୍ରକୋଷ୍ଠରୁ ଆସୁଥିବା ବିଭାଗ ସମ୍ବନ୍ଧୀୟ ସମସ୍ତ ଅଭିଯୋଗର ତୁରନ୍ତ ସମାଧାନ ଦିଗରେ ବିଭାଗ ଧ୍ୟାନ ଦେବା ଜରୁରୀ ବୋଲି ସେ ପ୍ରକାଶ କରିଥିଲେ । ମୋ ସରକାର ଅଧିନରେ ଡିଭିଜନ ଓ ସର୍କଲର ତଥ୍ୟ ଲିପିବଦ୍ଧ ହେବା ଜରୁରୀ । ଗ୍ରାମ୍ୟ ଉନ୍ନୟନ ବିଭାଗର ବିଭିନ୍ନ ପ୍ରକଳ୍ପଗୁଡିକର ସମୀକ୍ଷା ଅବସରରେ ଶ୍ରୀ ସିଂହ କହିଲେ ଯେ ସଡକ, ସେତୁ ଓ ଗୃହ ନିର୍ମାଣ କ୍ଷେତ୍ରରେ ବିଭାଗ ସମସ୍ତ ସର୍କଲମାନଙ୍କୁ ପର୍ଯ୍ୟାପ୍ତ ପାଣ୍ଠି ହସ୍ତାନ୍ତର କରିଛି । ଏଣୁ ସମସ୍ତ ନିର୍ମାଣ କାମ ତ୍ୱରାନ୍ୱିତ ପ୍ରକ୍ରିୟାରେ ଏବଂ ଧାର୍ଯ୍ୟ ସମୟରେ ସମ୍ପୂର୍ଣ୍ଣ ହେବା ବିଭାଗର ଗୁରୁଦାୟିତ୍ୱ ।  ଏ ଦିଗରେ ବିଭାଗର ସମସ୍ତ ଯନ୍ତ୍ରୀମାନେ ଯତ୍ନବାନ ହେବା ଆବଶ୍ୟକ ।

ସେହିପରି ଆର.ଆଇ.ଡି.ଏଫ ଯୋଜନା ଅଧିନରେ ଚାଲୁ ରହିଥିବା ପ୍ରକଳ୍ପଗୁଡିକ ଧାର୍ଯ୍ୟ ସମୟରେ ସାରିବା ସହ ଚଳିତ ନଭେମ୍ବର ୧୫ ତାରିଖ ସୁଦ୍ଧା ପିସିଆର ପ୍ରଦାନ କରିବାକୁ ଶ୍ରୀ ସିଂହ ନିର୍ଦ୍ଦେଶ ଦେବା ସହ ରୋଡ ଏବଂ ବ୍ରିଜ ସେକ୍ଟରରେ ସ୍ଥଗିତ ରହିଥିବା ଡିପିଆର ଆସନ୍ତା ଏକ ସପ୍ତାହ ମଧ୍ୟରେ ଦାଖଲ କରିବାକୁ କହିଥିଲେ ।  ଅକ୍ଟୋବର ମାସ ସୁଦ୍ଧା ବିଭାଗୀୟ ବଜେଟର ୬୦ ପ୍ରତିଶତ ଡିଭିଜନମାନଙ୍କୁ ପ୍ରଦାନ କରାଯାଇଥିବାବେଳେ ଚଳିତ ମାସରେ ଏହା ୭୦ ପ୍ରତିଶତକୁ ବୃଦ୍ଧି କରାଯାଇଛି । ବିଭାଗର ପ୍ରକଳ୍ପଜନିତ ବ୍ୟୟ ସେହି ଅନୁପାତରେ ହେବା ସହିତ ଆସନ୍ତା ନଭେମ୍ବର ଶେଷ ସୁଦ୍ଧା ସମସ୍ତ ଡିଭିଜନ ଅନ୍ୟୁନ ୭୦ ପ୍ରତିଶତ ଅନୁଦାନ ଖର୍ଚ୍ଚ କରିବା ସହ ସମସ୍ତ ଡିଭଜନ ସର୍ବନିମ୍ନ ୨୦ କୋଟି ଟଙ୍କା ଖର୍ଚ୍ଚ କରି ରିପୋର୍ଟ ପ୍ରଦାନ କରିବାକୁ ଶ୍ରୀ ସିଂହ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏଥି ସହିତ ଶତପ୍ରତିଶତ ପ୍ରଶାସନିକ ଅନୁମୋଦନ ସହ ବାକି ରହିଥିବା ଟେଣ୍ଡର ପ୍ରକ୍ରିୟା ଶେଷ କରିବାକୁ କହିଥିଲେ । ସେହିପରି ବିଜୁସେତୁ ଯୋଜନା ଅଧିନରେ ବିଭିନ୍ନ ଜିଲ୍ଲାରେ ଚାଲୁ ରହିଥିବା ପ୍ରକଳ୍ପ ଗୁଡିକର ଅଗ୍ରଗତି ସମ୍ବନ୍ଧରେ ପଚାରି ବୁଝିବା ସହ ଆପ୍ରୋଚ ରୋଡଗୁଡିକୁ ଯଥା ସମୟରେ ସାରିବାକୁ ବୈଠକରେ ବିଭାଗୀୟ ଯନ୍ତ୍ରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା । ୨୦୨୧-୨୨ ଆର୍ଥିକ ବର୍ଷ ପୂର୍ବରୁ ବାକି ରହିଥିବା ପ୍ରକଳ୍ପଗୁଡିକର ଅଗ୍ରଗତି ସମ୍ବନ୍ଧରେ ବୁଝିବା ସହ ୨୦୨୨-୨୩ ଓ ୨୦୨୩-୨୪ ଆର୍ଥିକ ବର୍ଷରେ ହାତକୁ ନିଆ ଯାଇଥିବା ସମସ୍ତ ପ୍ରକଳ୍ପର ବାକି ରହି ଯାଇଥିବା ଡିପିଆର ଫାଇନାଲ କରି ଟେଣ୍ଡର ପ୍ରକ୍ରିୟା ଶୀଘ୍ର ସାରିବାକୁ ଶ୍ରୀ ସିଂହ ପରାମର୍ଶ ଦେଇଥିଲେ । ବିଜୁ

ସେତୁ ଯୋଜନା ଅଧିନରେ ଥିବା ଅସମ୍ପୂର୍ଣ୍ଣ କାମକୁ ତ୍ୱରାନ୍ୱିତ ପ୍ରକ୍ରିୟାରେ ସାରିବାକୁ ବୈଠକରେ ଗୁରୁତ୍ୱ ଦିଆଯାଇଥିଲା । ମୁଖ୍ୟମନ୍ତ୍ରୀ ସଡକ ଯୋଜନା ଅଧିନରେ ଚାଲୁ ରହିଥିବା ପ୍ରକଳ୍ପଗୁଡିକୁ ଅଗ୍ରାଧିକାର ଭିତ୍ତିରେ ସାରିବା ସହିତ ୨୦୨୧-୨୨ ପୂର୍ବରୁ ଅସମ୍ପୂର୍ଣ୍ଣ ଥିବା ପ୍ରକଳ୍ପ ଆସନ୍ତା ଡିସେମ୍ବର ସୁଦ୍ଧା ସମ୍ପୁର୍ଣ୍ଣ ହେବା ଜରୁରୀ ବୋଲି ଶ୍ରୀ ସିଂହ କହିଥିଲେ । ଏଥି ସହିତ ୨୦୨୨-୨୩ ଏବଂ ୨୦୨୩-୨୪ ଆର୍ଥିକ ବର୍ଷରେ ଶତପ୍ରତିଶତ ପ୍ରଶାସନିକ ଅନୁମୋଦନ ସହ ସମସ୍ତ ପ୍ରକଳ୍ପ ପ୍ରକ୍ରିୟା ଚୂଡାନ୍ତ କରିବାକୁ କହିଥିଲେ । ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ଯୋଜନା ଅଧିନରେ ସମ୍ପୂର୍ଣ୍ଣ ହୋଇଥିବା ରାସ୍ତାଗୁଡିକର ରକ୍ଷଣାବେକ୍ଷଣ ନିମନ୍ତେ ସମ୍ପୃକ୍ତ ସଂସ୍ଥାଗୁଡିକ ସହିତ ରାଜିନାମା ସ୍ୱାକ୍ଷର କରି କାର୍ଯ୍ୟ ଆଗେଇ ନେବାକୁ ପରାମର୍ଶ ଦେଇଥିଲେ । ଚାଲୁ ରହିଥିବା ସମସ୍ତ ପ୍ରକଳ୍ପ ସ୍ଥାନରେ ସ୍କିମ ବୋର୍ଡ ଏବଂ ପ୍ରୋଜେକ୍ଟ ବୋର୍ଡ ଲଗାଇବା ବାଧ୍ୟତାମୂଳକ ବୋଲି ଶ୍ରୀ ସିଂହ ଅଧିକାରୀମାନଙ୍କୁ କହିଥିଲେ ।

ବୈଠକରେ ପ୍ରଧାନମନ୍ତ୍ରୀ ଗ୍ରାମ ସଡକ ଯୋଜନା, ମୁଖ୍ୟମନ୍ତ୍ରୀ ସଡକ ଯୋଜନା, କୋଠାବାଡି, ଗ୍ରାମ୍ୟ ଉନ୍ନୟନ ବିଭାଗର ସମସ୍ତ ଯୋଜନା ଏବଂ ମୁଖ୍ୟମନ୍ତ୍ରୀ ଅଭିଯୋଗ ଶୁଣାଣି ସମ୍ପର୍କରେ ଆଲୋଚନା କରା ଯାଇଥିଲା  ପ୍ରତ୍ୟେକ ସର୍କଲ ଓ ଡିଭିଜନର ସମସ୍ତ ଯନ୍ତ୍ରୀମାନଙ୍କୁ ଉପରୋକ୍ତ ସମସ୍ତ କାର୍ଯ୍ୟକ୍ରମର ଅଗ୍ରଗତି ଓ ବର୍ତ୍ତମାନର ସ୍ଥିତି ସମ୍ପର୍କରେ ପ୍ରମୁଖ ଶାସନ ସଚିବ ଶ୍ରୀ ସିଂ ପଚାରି ବୁଝିଥିଲେ ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଗ୍ରାମ୍ୟ ଉନ୍ନୟନ ବିଭାଗ ନିର୍ଦ୍ଦେଶକ ଶ୍ରୀ ଅରବିନ୍ଦ ଅଗ୍ରୱାଲ, ସ୍ୱତନ୍ତ୍ର ଶାସନ ସଚିବ ଶ୍ରୀ ସୁଦର୍ଶନ ପରିଡା, ଇ.ଆଇ.ସି ଶ୍ରୀ ଅକ୍ଷୟ କୁମାର ପ୍ରଧାନ, ଇ.ଆଇ.ସି ଶ୍ରୀ ଜୀବନାନନ୍ଦ ନାୟକଙ୍କ ସମେତ ବିଭାଗୀୟ ବରିଷ୍ଠ ପଦାଧିକାରୀମାନେ ଯୋଗଦେଇ ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ ।

ସରୋଜ କୁମାର ଶତପଥୀ
ସୂଚନା ଅଧିକାରୀ